# ଆଜି ଅନୁଗୋଳ ଜିଲ୍ଲାରୁ ୨୨୩ ଜଣ କରୋନା ପଜିଟିଭ ଚିହ୍ନଟ -

## ପଜିଟିଭ ସଂଖ୍ୟା ୬୮୫୯ ରେ ପହଞ୍ଚିଲା - ସୁସ୍ଥ ହେଲେ ୧୭୦ଜଣ ।

ଆଜି ଅନୁଗୋଳ ଜିଲ୍ଲାରୁ ଗୋଟିଏ ଦିନରେ ୨୨୩ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ଅନୁଗୋଳ ପୌରାଂଚଳରୁ ୪୦ ଜଣ (୨୫ ଜଣ ପୁରୁଷ ଓ ୧୫ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୩୭ ଜଣ ( ୨୮ଜଣ ପୁରୁଷ ଓ୯ ଜଣ ମହିଳା), ବଅଁରପାଳ ବ୍ଲକ୍ ଅଂଚଳରୁ ୨୮ ଜଣ (୧୯ ଜଣ ପୁରୁଷ ଓ ୯ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୨୫ ଜଣ ( ୧୭ଜଣ ପୁରୁଷ ଓ୮ ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୨୪ ଜଣ ( ୧୭ଜଣ ପୁରୁଷ ଓ ୭ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୨୪ ଜଣ ( ୧୯ଜଣ ପୁରୁଷ ଓ ୫ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ୧୫ ଜଣ ( ୧୧ଜଣ ପୁରୁଷ ଓ ୪ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ୧୨ ଜଣ ( ୧୧ଜଣ ପୁରୁଷ ଓ ୧ଜଣ ମହିଳା), ତାଳଚେର ପୌରାଂଚଳରୁ ୮ ଜଣ (୫ ଜଣ ପୁରୁଷ ଓ ୩ ଜଣ ମହିଳା), ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୫ ଜଣ ( ୩ଜଣ ପୁରୁଷ ଓ୨ ଜଣ ମହିଳା) ଓ ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୫ ଜଣ ( ୫ଜଣ ପୁରୁଷ ) ଅଛନ୍ତି ।ସମସ୍ତେ ଅନ୍ୟ ଆକ୍ରାନ୍ତଂକ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି ।ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି ।ଆଜି ଅନୁଗୋଳ ଜିଲ୍ଲାରୁ ୧୭୦ ଜଣ ସୁସ୍ଥ ହୋଇଛନ୍ତି ।ସେମାନଂକ ମଧ୍ୟରେ ୧୩ଜଣ କୋଭିଡ ହସପିଟାଲରୁ ଓ ୧୫୭ ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୬୮୨ ତା.୧୪.୧୦.୨୦୨୦

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

୧୪/୧୦/୨୦

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ